OPPO Reno7 5G
2023.08.07 19:46

ପ୍ରେସ୍ ନୋଟ୍

# ଛେଣ୍ଡିପଦା ଠାରେ ମିଳିତ ଜନ ଶୁଣାଣି ଶିବିର ଅନୁଷ୍ଠିତ ।

ଅନୁଗୋଳ ତା. ୦୭.୦୮ : ଆଜି ପୂର୍ବାହ୍ନରେ ଛେଣ୍ଡିପଦା ବ୍ଲକ କାର୍ଯ୍ୟାଳୟଠାରେ ମିଳିତ ଜନ ଶୁଣାଣି ଶିବିର ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ଦାଖଲ ହୋଇଥିବା ସମୁଦାୟ ୧୫୨ଟି ଅଭିଯୋଗରୁ ୧୩୩ଟି ବ୍ୟକ୍ତିଗତ ଓ ୦୬ଟି ଗ୍ରାମ୍ୟ ଭିତ୍ତିକ ଅଭିଯୋଗର ଶୁଣାଣି କରି ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସମ୍ପୃକ୍ତ ବିଭାଗୀୟ ଅଧିକାରୀଙ୍କୁ ଜିଲ୍ଲାପାଳ ପରାମର୍ଶ ଦେଇଥିଲେ । ଏହାଛଡା ଦାଖଲ ହୋଇଥିବା ୧୫୨ ଅଭିଯୋଗ ମଧ୍ୟରୁ ୧୩ଟି ଅଭିଯୋଗର ଆଜିର ଶିବିରରେ ଫଇସଲା କରାଯାଇଥିଲା । ମୁଖ୍ୟମନ୍ତ୍ରୀ ରିଲିଫ ପାଣ୍ଠିରୁ ୩ ଜଣଙ୍କୁ ମୋଟ ୪୦ ହଜାର ଟଙ୍କା ଏବଂ ରେଡକ୍ରସ ପାଣ୍ଠିରୁ ୧ ଜଣଙ୍କୁ ୧୫ ହଜାର ଟଙ୍କା ଚିକିତ୍ସା ସହାୟତା ଯୋଗାଇ ଦିଆଯାଇଥିଲା । ଏହି ଶିବିରକୁ ଆସିଥିବା ଲୋକମାନେ ରାସ୍ତା, ଜମି ଜମା ବିବାଦ, ଭୂମିହୀନ, ରାସନ କାର୍ଡ, ପାରିବାରିକ ସମସ୍ୟା, ବିଜୁଳି ସମସ୍ୟା, ଭିନ୍ନକ୍ଷମ, ଭତ୍ତା,ବାସଗୃହ ସମ୍ପର୍କିତ ସମସ୍ୟା ସମେତ ବିଭିନ୍ନ ଅଭିଯୋଗ ଦାଖଲ କରିଥିଲେ । ଏହି ଶିବିରରେ ଅନ୍ୟମାନଙ୍କ ମଧ୍ୟରେ ଅନୁଗୋଳ ଆରକ୍ଷୀ ଅଧିକ୍ଷକ ଶ୍ରୀ ସୁଧାଂଶୁ ଶେଖର ମିଶ୍ର, ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ସନ୍ତୋଷ କୁମାର ପ୍ରଧାନ, ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ଉଦୟ କୁମାର ମହାପାତ୍ର , ଜିଲ୍ଲା ପରିଷଦର ଅତିରିକ୍ତ ଉନ୍ନୟନ ଅଧିକାରୀ ତଥା କାର୍ଯ୍ୟ ନିର୍ବାହୀ ଅଧିକାରୀ ଶ୍ରୀ ପଦ୍ମନାଭ ସାମନ୍ତରାୟ, ଅନୁଗୋଳ ଉପଜିଲ୍ଲାପାଳ ଶ୍ରୀ ବରନ୍ୟେନ୍ଦୁ ମହାନ୍ତି, ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନ ସ୍ୱାସ୍ଥ୍ୟ ଅଧିକାରୀ ଡା. ତ୍ରିଲୋଚନ ପ୍ରଧାନ, ଜିଲ୍ଲା ଶିକ୍ଷା ଅଧିକାରୀ ଶ୍ରୀ ନିରଞ୍ଜନ ସାହୁ, ଛେଣ୍ଡିପଦା ଗୋଷ୍ଠୀ ଉନ୍ନୟନ ଅଧିକାରୀ ଶ୍ରୀ ତ୍ରିବିକ୍ରମ କୁମୁରା, ଛେଣ୍ଡିପଦା ତହସିଲଦାର ଶ୍ରୀ ମାନସ ରଞ୍ଜନରାୟ, ଜିଲ୍ଲା ଆପାତକାଳିନ ଅଧିକାରୀ ଶ୍ରୀ ସତ୍ୟାନନ୍ଦ ଦାସଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିକାରୀମାନେ ଯୋଗ ଦେଇଥିଲେ ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା - ୪୮୭ ତା.୦୭.୦୮.୨୦୨୩

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

7/8/23

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ


ଜିଲ୍ଲାପାଳ ଙ୍କ ଅଭିଯୋଗ ଶୁଣାଣି ଶିବିର
ସ୍ଥାନ : ପଞ୍ଚାୟତ ସମିତି କାର୍ଯ୍ୟାଳୟ,
ଛେଣ୍ଡିପଦା, ଅନୁଗୋଳ
ତାରିଖ : ୦୭.୦୮.୨୦୨୩
OPPO Reno7 5G
2023.08.07 12:23


OPPO Reno7 5G


ଜିଲ୍ଲାପାଳ ଙ୍କ ଅଭିଯୋଗ ଶୁଣାଣି ଶିବିର
ସ୍ଥାନ : ପଞ୍ଚାୟତ ସମିତି କାର୍ଯ୍ୟାଳୟ,
ଛେଣ୍ଡିପଦା, ଅନୁଗୋଳ
ତାରିଖ : ୦୭.୦୮.୨୦୨୩
OPPO Reno7 5G
2023.08.07 11:54